Gramin Krishi Mausam Sewa
India Meteorological Department
Odisha University of Agriculture and Technology
Bhubaneswar -751 003

Dr.T.R Mohanty
Nodal Officer

**ସପ୍ତାହ –୫୦**

ନ.- ୨୧୨୨ (ଓଡିଆ ବୁଲେଟିନ)
ତାରିଖ- ୧୫.୧୨.୨୦୨୩

**(ସୌଜନ୍ୟ – ଓୟୁଏଟି ସ୍ଥିତ କୃଷି ପାଣିପାଗ ଉପ ବିଭାଗ ଓ ଓଡ଼ିଶା ସରକାରଙ୍କ କୃଷି ନିର୍ଦ୍ଦେଶାଳୟ, ପ୍ରାଣୀପାଳନ ଓ ପ୍ରାଣୀ ଚିକିତ୍ସା ନିର୍ଦ୍ଦେଶାଳୟ ଓ ମତ୍ସ୍ୟ ନିର୍ଦ୍ଦେଶାଳୟ)**

**ବିଶେଷ ସୂଚନା**

- ଅମଳ ପରେ ଧାନକୁ ଭଲଭାବେ ଖରାରେ ୩ ରୁ ୪ ଦିନ ଶୁଖାଇ ସାଇତି ରଖନ୍ତୁ । ବିହନ ପାଇଁ ୧୨ଆଦ୍ରତା ଓ ଖାଇବା % %୧୪ଉପୋଯୋଗୀ ପାଇଁ ଆଦ୍ରତା ରହିବା ଆବଶ୍ୟକ ।
- ବର୍ତମାନ କମ ତାପମାତ୍ରା ରହୁଥିବାରୁ ରବି ଫସଲରେ ଶୋଷକ କୀଟ, ପତ୍ର ପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନ ରହିଛି । ଏହାର ନିରାକରଣ ବ୍ୟବସ୍ଥା କରନ୍ତୁ ।
- ରବି ପନିପରିବା ରେ ଘାସ ବାଛି କୋଡା ଖୋସା କରନ୍ତୁ ।
- ବର୍ତମାନ ଡାଲୁଅ ଧାନର ତଳିଘେରା ପ୍ରସ୍ତୁତ ପାଇଁ ଉପଯୁକ୍ତ ସମୟ । ଏକ ଏକର ଧାନ ଚାଷ ପାଇଁ ୧୦ ଡେସିମାଲ ତଳି ଘେରା ଆବଶ୍ୟକ ହୋଇଥାଏ ।
- ଡାଲୁଅ ଧାନ କରିବା ପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସି.ଆର.ଧାନ ୬୦୧, ଆଇ.ଆର. ୬୪, ଚନ୍ଦନ, ଲଲାଟ, ଉନ୍ନତ ଲଲାଟ, ନବୀନ, ସି.ଆର.ଧାନ ୩୧୧, ସି.ଆର.ଧାନ ୩୧୦, ଖଣ୍ଡଗିରୀ, ବୀଣା-୧୧, ସି.ଆର.ଧାନ ୨୦୫, ସି.ଆର.ଧାନ ୨୦୬, ଏମ.ଟି.ୟୁ ୧୦୧୦ ଇତ୍ୟାଦି ବ୍ୟବହାର କରନ୍ତୁ । କାଦୁଅ ବୁଣା ଧାନ ପାଇଁ ନବୀନ, ଶତାବ୍ଦୀ, ଉନ୍ନତ ଲଲାଟ, ସି.ଆର.ଧାନ ୨୦୩ ଇତ୍ୟାଦି ବ୍ୟବହାର କରନ୍ତୁ ।
- ଶୀତ ଦିନିଆ ପନିପରିବା ଲଗାଇବା କାର୍ଯ୍ୟ ସମାପ୍ତ କରନ୍ତୁ ।
- ବର୍ତମାନ ତାପମାତ୍ରା କମ ରହୁଥିବାରୁ, ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରା ରେ ପୋଲିଥିନ ଦ୍ୱାରା ଆଚ୍ଛାଦିକାରଣ ବ୍ୟବସ୍ଥା କରନ୍ତୁ ।
- କୋବି ଜାତୀୟ ଫସଲ ରେ ୭-୮ ଦିନ ବ୍ୟବଧାନ ରେ ଜଳସେଚନ କରନ୍ତୁ।
- ଆଖୁ ଫସଲ କୁ ଜମି ପତନ ଠାରୁ ଏକ ଇଞ୍ଚ ତଳକୁ, ଯେପରକି ମାଟି ଉପରକୁ ଖୁଣ୍ଟା ଦେଖାଯିବ ନାହିଁ ,ସେହିପରି କାଟିଲେ ମୂଳି ଆଖୁ ଭଲ ଗଜା ହୁଏ, ଗଛ ସଂଖ୍ୟା ଠିକ ରହେ ଓ ଅମଳ ଠିକ ମିଳେ ।
- ଶୀତ ଋତୁ ରେ ଅଧିକ ଥଣ୍ଡା ସମୟ ରେ ଗାଈ ଗୁହାଳ ରେ ପୋଲିଥିନ କିମ୍ବା ଅଖା ଦ୍ୱାରା ଆଚ୍ଛାଦିକାରଣ ବ୍ୟବସ୍ଥା କରନ୍ତୁ ।
- କୁକୁଡା ରଖିବା ଘରେ ଉତାପ ବଜାୟ ରଖିବା ପାଇଁ ରୁମ ହିଟର କିମ୍ବା ୨୦୦ ୱାଟ ବଲ୍ ଲଗାନ୍ତୁ ।

**ଧାନ:**

ମୂଷା-

ଧାନ ଅମଳ ସମୟରେ ମୂଷା କ୍ଷତି ଘଟାଇ ଥାଏ । ମୂଷା କୁ ନିୟନ୍ତ୍ରଣ କରିବା ପାଇଁ ମୂଷା ଗାତ କୁ ଚିହ୍ନଟ କରି ତା ଉପରେ କାଦୁଅ ଲିପି ଗାତ ବନ୍ଦ କରି ଦିଅନ୍ତୁ । ତାପର ଦିନ ଯେଉଁ ଗାତ ମୁହଁ ଖୋଲାଥିବ ସେ ଗାତରେ ଆଲୁମିନିୟମ ଫସଫାଇଡ ୬% ବଟିକା ( ଗୋଟେ ବଟିକା ୧୨ ଗ୍ରାମ ) କନା ରେ ବାନ୍ଧି ଗାତ ପିଛା ଗୋଟିଏ ରଖି ଗାତ ମୁହଁ କୁ କାଦୁଅ ରେ ବନ୍ଦ କରି ଦିଅନ୍ତୁ ।

ସାଇତା କୀଟ-

ଧାନ ସାଇତି ରଖିଥିବା ବସ୍ତା କିମ୍ବା କୋଠୋରୀରେ ପୋକ ଦେଖା ଦେଲେ ଆଲୁମିନିୟମ ଫସଫାଇଡ ଟାବଲେଟ ଏକ ଟନ ଧାନ ପିଛା ୩ ଟି (ସମୁଦାୟ ୯ ଗ୍ରାମ ଟାବଲେଟ ) କନା ରେ ଗୁଡାଇ ରଖନ୍ତୁ ।ଏହା ପରେ ଭଲ ଭାବରେ ତରପୋଲୀନ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କ ଜାଗା ନ ରୁହେ । ଯଦି କୋଠୋରୀ ର ସନ୍ଧି ଜାଗା କିମ୍ବା କବାଟ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟେପ ଦେଇ ଭଲ ଭାବରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠୋରୀ ବସ୍ତା ମୁହଁ ଭଲ

ଭାବରେ ବନ୍ଦ ରଖନ୍ତୁ ।

କିସମ ଚୟନ-

ଡାଲୁଅ ଧାନ ଚାଷ ପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସତ୍ୟଭାମା, ସହଭାଗୀ ଧାନ, ମନ୍ଦାକିନୀ, ମନସ୍ୱିନୀ, ଡି.ଆର.ଆର -୪୪, ବୀଣା-୧୧, ଉନ୍ନତ ଲଲାଟ, ଏମଟିୟୁ-୧୦୧୦, ଏମଟିୟୁ-୧୦୦୧ ଇତ୍ୟାଦି ଧାନ କିସମ ବ୍ୟବହାର କରନ୍ତୁ। ଉପକୂଳବର୍ତୀ ଲୁଣା ଜମି ପାଇଁ ଲୁଣା ଶଙ୍ଖୀ କିସମ ବ୍ୟବହାର କରନ୍ତୁ।

ବିହନ ବିଶୋଧନ-

ବିହନ ବୁଣିବା ପୂର୍ବରୁ ପ୍ରତି କିଲୋଗ୍ରାମ ଧାନ ବିହନ ରେ ୨ ଗ୍ରାମ Carbendazim କିମ୍ବା ୩ ଗ୍ରାମ Carboxin ଏବଂ Thiram ର ମିଳିତ ଫିମ୍ପିନାଶକ, ମିଶାଇ ବିଶୋଧନ କରନ୍ତୁ ।

**ମୁଗ ଓ ବିରି :**

ପାଉଁଶିଆ ରୋଗ

ମୁଗ ଓ  ବିରି ଫସଲ ରେ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ଅଛି । ଏହି ରୋଗ ର ନିୟନ୍ତ୍ରଣ କରିବା ପାଇଁ ଏକର ପ୍ରତି **Sulphur 80% WP** @ ୮୦୦ ଗ୍ରାମ କିମ୍ବା **Hexaconazole ୫% E.C** @ ୩୦୦ ମିଲି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ଜଉ ପୋକ

ବର୍ତମାନ ସମୟରେ ମୁଗ ଓ  ବିରି ଫସଲ ରେ ଜଉ ପୋକ ଲାଗିବାର ସମ୍ଭାବନା ଅଛି । ଏହି ପୋକ ର ନିୟନ୍ତ୍ରଣ କରିବା ପାଇଁ ପ୍ରାଥମିକ ସ୍ତର ରେ ଏକର ପ୍ରତି ନିମ୍ବ ଆଧାରିତ ତେଲ ୧୫୦୦ ପିପିଏମ @ ୬୦୦ ମିଲି ସିଂଚନ କରନ୍ତୁ । ପରେ Thiamethoxam ୨୫ % W.G @ ୪୦ ଗ୍ରାମ କିମ୍ବା Acetamiprid ୨୦% S.P. @ ୫୦ ଗ୍ରାମ, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**ଚିନାବାଦାମ:**

ପତ୍ର ସୁଡଙ୍ଗୀ ପୋକ

ଚିନାବାଦାମ ଫସଲ ରେ ପତ୍ର ସୁଡଙ୍ଗୀ ପୋକ ଲାଗିବାର ସମ୍ଭାବନା ଅଛି ।ଏହି ରୋଗ ର ନିୟନ୍ତ୍ରଣ କରିବା ପାଇଁ ଏକର ପ୍ରତି Profenophos ୫୦% EC @ ୪୦୦ ମିଲି କିମ୍ବା Chlorpyriphos ୫୦% + Cypermethrin ୫ % E.C @ ୪୦୦ ମିଲି, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ଟମାଟୋ:**

ପତ୍ର ପୋଡା ରୋଗ

ବର୍ତମାନ କମ ତାପମାତ୍ରା ଓ କୁହୁଡିଆ ପାଗ ରହୁଥିବାରୁ ଟମାଟୋ ରେ ପତ୍ର ପୋଡା ଲାଗିବାର ସମ୍ଭାବନା ଅଛି ।ଏହି ରୋଗ ର ନିୟନ୍ତ୍ରଣ କରିବା ପାଇଁ **Metalaxyl + Mancozeb** ୪୦୦ ଗ୍ରାମ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । ବିହନ ବିଶୋଧନ କରିବା ସମୟରେ ୩ ଗ୍ରାମ **Trichoderma** ୧ କେଜି ଟମାଟୋ ମଞ୍ଜି ରେ ଗୋଳାଇ ବିଶୋଧନ କରନ୍ତୁ ।

**ପିଆଜ:**

ଘେରାକଟା ରୋଗ

ତଳି ପଟାଳିରେ ଘେରାକଟା ରୋଗ ନ ହେବା ପାଇଁ, ବିହନ ଲଗେଇବା ପୂର୍ବରୁ ଏକ କିଲୋଗ୍ରାମ ବିହନରେ ୨ଗ୍ରାମ Carbendazim ନାମକ ଫିମ୍ପିନାଶକ କିମ୍ବା ୩ ଗ୍ରାମ Carboxin ଓ Thiram ର ମିଳିତ ଫିମ୍ପିନାଶକ, ବିହନରେ ଗୋଳାଇ ବିଶୋଧନ କରନ୍ତୁ । ପିଆଜ ତଳି ୮ ସପ୍ତାହର ହୋଇଗଲେ ମୁଖ୍ୟ ଜମିରେ ଲଗାଯାଏ।

**ବାଇଗଣ :**

ପତ୍ର ଖିଆ ଓ ଫଳ ବିନ୍ଧା ପୋକ

ବାଇଗଣ ରେ ପତ୍ର ଖିଆ ଓ ଫଳ ବିନ୍ଧା ପୋକ ର ନିୟନ୍ତ୍ରଣ ପାଇଁ ଏକର ପ୍ରତି Emamectin benzoate @ ୮୦ ଗ୍ରାମ କିମ୍ବା Spinosad @ ୮୦ ମିଲି , ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

ଫଳ ଓ କାଣ୍ଡ ବିନ୍ଧା ପୋକ

ବାଇଗଣ ରେ ଫଳ ଓ କାଣ୍ଡ ବିନ୍ଧା ପୋକ ର ନିୟନ୍ତ୍ରଣ ପାଇଁ ପ୍ରାଥମିକ ସ୍ତର ରେ ଏକର ପ୍ରତି ନିମ୍ବ ଆଧାରିତ ତେଲ ୧୫୦୦ ପିପିଏମ @ ୬୦୦ ମିଲି ସିଂଚନ କରନ୍ତୁ । ପରେ Spinosad ୪୫% SC @ ୭୦ ମିଲି କିମ୍ବା Thiodicarb @ ୩୦୦ ଗ୍ରାମ, ୨୦୦

ଲିଟର ପାଣିରେ ମିଶାଇ ୧୫ ଦିନ ଅନ୍ତରରେ ଅଦଳବଦଳ କରି ସିଂଚନ କରନ୍ତୁ ।

**ମତ୍ସ୍ୟ ସମ୍ପଦ:**

ଶୀତ ଋତୁ ରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖାଯାଇଥାଏ । ଏହି ରୋଗମାନଙ୍କର ନିରାକରଣ ପାଇଁ ଏକ ଏକର ପୋଖରୀ ପ୍ରତି **CIFAX** @ ୪୦୦ ମିଲି ୪୦ ଲିଟର ପାଣି ରେ ମିଶାଇ ବିଶୋଧନ କରନ୍ତୁ । ପ୍ରତି ଦିନ ମାଛ ମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ ।

**ପଶୁ ସମ୍ପଦ:**

ଗୁହାଳ ଘର ଏବଂ ଏହାର ଚଟାଣ କୁ ଅଧିକ ସମୟ ପର୍ଯ୍ୟନ୍ତ ଓଦା ଓ ଥଣ୍ଡା ରଖନ୍ତୁ ନାହିଁ । ଅଧିକ ସମୟ ପର୍ଯ୍ୟନ୍ତ ଓଦା ଓ ଥଣ୍ଡା ରହିଲେ ଗାଇଗୋରୁ ମାନଙ୍କୁ ବିଶେଷ କରି ବାଛୁରି ଙ୍କୁ ନିମୋନିଆ, ଜ୍ୱର ଓ ହଇଜା ଇତ୍ୟାଦି ରୋଗ ହେବା ର ସମ୍ଭାବନା ଅଛି । ଶୀତ ଋତୁ ରେ ଗୁହାଳ ଘରେ ଉତ୍ତମ ରୂପେ ବାୟୁ ଚଳପ୍ରଚଳ କରୁଥିବା ଦରକାର ।

ତୁଷାର ରଞ୍ଜନ ମହାନ୍ତି
ନୋଡାଲ୍ ଅଫିସର,
ଗ୍ରାମୀଣ କୃଷି ମୌସମ ସେବା,ଓ.ୟୁ.ଏ.ଟି

ଅଧ୍ୟକ୍ଷ, ଗବେଷଣା ନିର୍ଦ୍ଦେଶାଳୟ,
ଓଡ଼ିଶା କୃଷି ଓ ବୈଷିୟିକ ବିଶ୍ୱବିଦ୍ୟାଳୟ

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା, QPM, ଟିସୁ କଲଚର ଗଛ, ଫଳ ଓ ପନିପରିବା, ଯାଆଁଳ, କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

**ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।**

(Android: https://play.google.com/store/apps/details?id=com.aas.meghdoot)

(iOS: https://apps.apple.com/in/app/meghdoot/id1474048155)